# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 12 January - 2025

********************************

## ଜାତୀୟ ଯୁବ ଦିବସ

ସ୍ୱାମୀ ବିବେକାନନ୍ଦଙ୍କ ଜୟନ୍ତୀ ଅବସରରେ ଆଜି ଦେଶରେ ଜାତୀୟ ଯୁବ ଦିବସ ପାଳନ କରାଯାଉଛି । ସ୍ୱାମୀ ବିବେକାନନ୍ଦଙ୍କ ଚିନ୍ତାଧାରା, ମୂଲ୍ୟବୋଧ ଏବଂ ଆଦର୍ଶକୁ ଯୁବପିଢ଼ିଙ୍କ ମଧ୍ୟରେ ପ୍ରସାର କରିବା ଏହି ଦିବସ ପାଳନର ମୂଳ ଉଦ୍ଦେଶ୍ୟ । ଚଳିତବର୍ଷ ଏକ ସ୍ଥାୟୀ ଭବିଷ୍ୟତ ପାଇଁ ଯୁବପୀଢ଼ି; ସ୍ଥିରତା ଏବଂ ଦାୟିତ୍ୱ ସହ ରାଷ୍ଟ୍ର ଗଠନର ବାର୍ତ୍ତା ନେଇ ଜାତୀୟ ଯୁବ ଦିବସ ପାଳନ କରାଯାଉଛି ।

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଜାତୀୟ ଯୁବ ଦିବସ ଅବସରରେ ନୂଆଦିଲ୍ଲୀର ଭାରତ ମଣ୍ଡପମ୍‌ଠାରେ ବିକଶିତ ଭାରତ ଯୁବ ନେତୃତ୍ୱ ବାର୍ତ୍ତାଳାପରେ ଯୋଗଦେବେ । ଶ୍ରୀ ମୋଦୀ ଦେଶର ୩ ହଜାର ଯୁବନେତୃତ୍ୱଙ୍କ ସହ ଆଲୋଚନା କରିବାର କାର୍ଯ୍ୟକ୍ରମ ରହିଛି ।

## ଧର୍ମେନ୍ଦ୍ର ପ୍ରଧାନ

ନୂତନ ଜାତୀୟ ଶିକ୍ଷାନୀତି ପ୍ରଚଳନ ହେବାପରେ ଦେଶରେ ଶିକ୍ଷା ବ୍ୟବସ୍ଥାରେ ଅନେକ ସଂସ୍କାର ଆସିଛି ବୋଲି କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ କହିଛନ୍ତି । କଟକ ଟାଙ୍ଗୀସ୍ଥିତ ଏକ ଘରୋଇ ବିଶ୍ୱବିଦ୍ୟାଳୟର ସମାବର୍ତ୍ତନ ଉତ୍ସବରେ ଯୋଗଦେଇ ଶ୍ରୀ ପ୍ରଧାନ ବିଶ୍ୱବିଦ୍ୟାଳୟ ସ୍ତରରେ ମୂଲ୍ୟବୋଧ ଭିତ୍ତିକ ଶିକ୍ଷା ଉପରେ ଗୁରୁତ୍ୱାରୋପ କରିଥିଲେ ।

# କେନ୍ଦ୍ରମନ୍ତ୍ରୀ-ଶ୍ରୀଜୀଉ ଦର୍ଶନ

ବୈଦେଶିକ ବ୍ୟାପାର ରାଷ୍ଟ୍ରମନ୍ତ୍ରୀ କୀର୍ତ୍ତିବର୍ଦ୍ଧନ ସିଂହ ପୁରୀ ଶ୍ରୀମନ୍ଦିର ଯାଇ ମହାପ୍ରଭୁଙ୍କ ଦର୍ଶନ କରିଛନ୍ତି । ସେ କହିଛନ୍ତି ପ୍ରବାସୀ ଭାରତୀୟ ଦିବସ କାର୍ଯ୍ୟକ୍ରମ ସଫଳତାର ସହ ଶେଷ ହୋଇଛି । ଏହା ଓଡ଼ିଶାର ସାମଗ୍ରିକ ବିକାଶ ଦିଗରେ ସହାୟକ ହୋଇପାରିବ । ରାଜ୍ୟରେ ଥିବା ପୁରାତନ କୀର୍ତ୍ତିରାଜି ଓ ପର୍ଯ୍ୟଟନସ୍ଥଳୀ ଗୁଡ଼ିକର ଅଗ୍ରଗତି ଉପରେ ସ୍ୱତନ୍ତ୍ର ଧ୍ୟାନ ଦିଆଯାଉଥିବା କେନ୍ଦ୍ରମନ୍ତ୍ରୀ କହିଛନ୍ତି ।

# ମୁଖ୍ୟମନ୍ତ୍ରୀ ଜନଅଭିଯୋଗ ଶୁଣାଣି ବନ୍ଦ

ମୁଖ୍ୟମନ୍ତ୍ରୀଙ୍କ ଜନଅଭିଯୋଗ ଶୁଣାଣି ଆସନ୍ତାକାଲି ଭୁବନେଶ୍ୱରସ୍ଥିତ ମୁଖ୍ୟମନ୍ତ୍ରୀଙ୍କ ପ୍ରକୋଷ୍ଠରେ ବନ୍ଦ ରହିବ । ଏନେଇ ସାଧାରଣ ପ୍ରଶାସନ ଓ ଅଭିଯୋଗ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି । ମୁଖ୍ୟମନ୍ତ୍ରୀଙ୍କ ଅନ୍ୟାନ୍ୟ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ରହିଥିବାରୁ ଅଭିଯୋଗ ଶୁଣାଣିକୁ ବନ୍ଦ ରଖାଯାଇଛି ।

# ମୁଖ୍ୟମନ୍ତ୍ରୀ-ସହାୟତା

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି ବୌଦ୍ଧ ଜିଲ୍ଲା ବାଉଁଶୁଣିରେ ଅଗ୍ନିକାଣ୍ଡରେ ୨ଜଣ ନାବାଳକଙ୍କ ମୃତ୍ୟୁ ଘଟଣାରେ ଗଭୀର ଶୋକବ୍ୟକ୍ତ କରିଛନ୍ତି । ଏହାସହ ମୃତକଙ୍କ ପରିବାରବର୍ଗଙ୍କ ପାଇଁ ୪ଲକ୍ଷ ଟଙ୍କା ଲେଖାଏଁ ସହାୟତା ରାଶି ଘୋଷଣା କରିଛନ୍ତି । ସୂଚନା ଅନୁସାରେ ବାଉଁଶୁଣି ଥାନା ଅନ୍ତର୍ଗତ ବାଲକିରା ଗ୍ରାମରେ ପାଳଗଦାରେ ନିଆଁ ଲାଗିଯିବା ଫଳରେ ପୋଡ଼ିହୋଇ ୨ଜଣଙ୍କର ମୃତ୍ୟୁ ହୋଇଥିଲା ।

# ଧନୁଯାତ୍ରା

ବରଗଡ ଜିଲ୍ଲାର ବିକାଶ ପାଇଁ ସରକାର ସମସ୍ତ ପଦକ୍ଷେପ ଗ୍ରହଣ କରୁଛନ୍ତି ବୋଲି ବିଶ୍ୱପ୍ରସିଦ୍ଧ ଧନୁଯାତ୍ରା ମହୋତ୍ସବରେ ଅତିଥି ଭାବେ ଯୋଗଦେଇ ସ୍ୱାସ୍ଥ୍ୟମନ୍ତ୍ରୀ ଡକ୍ଟର ମୁକେଶ ମହାଲିଙ୍ଗ କହିଛନ୍ତି । ଶ୍ରୀ ମହାଲିଙ୍ଗ କହିଛନ୍ତି ବରଗଡ ସହର ହସ୍ପିଟାଲର ଉନ୍ନତି ହେବା ସହ କ୍ୟାନସର ହସ୍ପିଟାଲରେ ଖୁବ୍‌ଶୀଘ୍ର ଖାଲିପଡିଥିବା ସମସ୍ତ ଡାକ୍ତରୀ ପଦବୀ ପୂରଣ କରାଯିବ । ସୂଚନା ଅନୁସାରେ ବରଗଡ ଧନୁଯାତ୍ରା ଆସନ୍ତାକାଲି ଉଦ୍‌ଯାପିତ ହେବ ।

# ରତ୍ନଭଣ୍ଡାର ମରାମତି କାର୍ଯ୍ୟ

ପୁରୀ ଶ୍ରୀମନ୍ଦିର ରତ୍ନଭଣ୍ଡାର ମରାମତି କାର୍ଯ୍ୟ ଆଜିଠାରୁ ୧୫ ତାରିଖ ପର୍ଯ୍ୟନ୍ତ ବନ୍ଦ ରହିବ । ମକର ସଂକ୍ରାନ୍ତି ଏବଂ ଶ୍ରୀଜୀଉଙ୍କର ଅନ୍ୟାନ୍ୟ ନୀତିକାନ୍ତି ଓ ଶ୍ରଦ୍ଧାଳୁଙ୍କର ପ୍ରବଳ ଭିଡ଼କୁ ଦୃଷ୍ଟିରେ ରଖି ଏହି ନିଷ୍ପତ୍ତି ନିଆଯାଇଛି ବୋଲି ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡକ୍ଟର ଅରବିନ୍ଦ ପାଢ଼ୀ କହିଛନ୍ତି । ମରାମତି କାର୍ଯ୍ୟ ୧୬ ତାରିଖରୁ ପୁନଃ ଆରମ୍ଭ କରାଯିବ ବୋଲି ଶ୍ରୀ ପାଢ଼ୀ ସୂଚନା ଦେଇଛନ୍ତି ।

**V/o-**

# ସୁବର୍ଣ୍ଣ ଜୟନ୍ତୀ ସମାରୋହ

ଭଦ୍ରକ ଜିଲ୍ଲା ତିହିଡି ବ୍ଲକ ମୁକୁନ୍ଦପୁର ପଞ୍ଚାୟତ ଆରସା ସରକାରୀ ଉଚ୍ଚ ବିଦ୍ୟାଳୟର ସୁବର୍ଣ୍ଣ ଜୟନ୍ତୀ ସମାରୋହରେ ଯୋଗଦେଇ ବାଚସ୍ପତି ସୁରମା ପାଢ଼ୀ ଦେଶ ଗଠନର ବ୍ରତୀ ହେବାକୁ ଛାତ୍ରଛାତ୍ରୀଙ୍କୁ ପରାମର୍ଶ

ଦେଇଛନ୍ତି । ଆୟୋଜିତ କାର୍ଯ୍ୟକ୍ରମରେ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଉତ୍ତମ ଚରିତ୍ର ଗଠନ ଉପରେ ଛାତ୍ରଛାତ୍ରୀଙ୍କ ସହ ଆଲୋଚନା କରିଥିଲେ ।

## ପୁଷ୍ପ ପ୍ରଦର୍ଶନୀ ଉଦ୍‌ଯାପିତ

ଭୁବନେଶ୍ୱର ଏକାମ୍ର କାନନଠାରେ ଆୟୋଜିତ ରାଜ୍ୟସ୍ତରୀୟ ପୁଷ୍ପ ପ୍ରଦର୍ଶନୀ ଉଦ୍‌ଯାପିତ ହୋଇଛି । କାର୍ଯ୍ୟକ୍ରମରେ ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରୀ ଗଣେଶ ରାମ ସିଂହ ଖୁଣ୍ଟିଆ ଯୋଗଦେଇ ବିଭିନ୍ନ ପ୍ରତିଯୋଗିତାରେ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରିଥିଲେ ।

## ହକି ଇଣ୍ଡିଆ ଲିଗ୍

ଝାଡ଼ଖଣ୍ଡର ରାଞ୍ଚିସ୍ଥିତ ଜୟପାଲ ସିଂହ ଷ୍ଟାଡିୟମରେ ଆଜିଠାରୁ ପ୍ରଥମ ମହିଳା ହକି ଇଣ୍ଡିଆ ଲିଗ୍ ଖେଳାଯିବ । ପ୍ରତିଯୋଗିତାରେ ୪ଟି ଦଳ ଅଂଶଗ୍ରହଣ କରୁଛନ୍ତି । ଆଜି ଉଦ୍‌ଘାଟନୀ ମ୍ୟାଚ୍‌ରେ ଦିଲ୍ଲୀ ଏସ୍‌ଜି ପାଇପର୍ସ ଓ ଓଡ଼ିଶା ୱାରିୟର୍ସ ମଧ୍ୟରେ ମୁକାବିଲା ହେବ ।

ରାଉରକେଲା ବିର୍ସାମୁଣ୍ଡା ଷ୍ଟାଡିୟମରେ ପୁରୁଷବର୍ଗ ହକି ଇଣ୍ଡିଆ ଲିଗ୍‌ର ଗତକାଲି ଅନୁଷ୍ଠିତ ମ୍ୟାଚ୍‌ରେ ହାଇଦ୍ରାବାଦ ତୁଫାନ୍‌ସ ୪-୩ ଗୋଲ୍‌ରେ ସୁର୍‌ମା ହକି କ୍ଲବକୁ ପରାସ୍ତ କରିଛି । ଆଉଏକ ମ୍ୟାଚ୍‌ରେ ୟୁପି ରୁଦ୍ରାସ୍ ୩-୧ ଗୋଲରେ ଦିଲ୍ଲୀ ଏସ୍‌ଜି ପାଇପର୍ସକୁ ପରାସ୍ତ କରିଛି । ଆଜି କଳିଙ୍ଗ ଲାନ୍ସର୍ସ ଓ ହାଇଦ୍ରାବାଦ ତୁଫାନ୍ସ ମଧ୍ୟରେ ମୁକାବିଲା ହେବ ।

# ପାଣିପାଗ

ରାଜ୍ୟରେ ଶୀତ ଲହରୀ ଜାରି ରହିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ ଆସନ୍ତା ୩ ଦିନ ପରେ ସର୍ବନିମ୍ନ ତାପମାତ୍ରା ୨ରୁ ୩ ଡିଗ୍ରୀ ପର୍ଯ୍ୟନ୍ତ ହ୍ରାସ ପାଇବ । ଏହାର ପ୍ରଭାବରେ ଶୀତର ପ୍ରକୋପ ଆହୁରି ବୃଦ୍ଧି ପାଇବାର ସମ୍ଭାବନା ରହିଛି । ଅପରପକ୍ଷରେ ଆସନ୍ତା ୨୪ଘଣ୍ଟା ମଧ୍ୟରେ ଘନ କୁହୁଡି ହେବା ନେଇ ୯ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି ।